ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/PRDW/(Od)/337/21-05-2025**

## କଟକ ଜିଲ୍ଲାରେ ତ୍ରିରଙ୍ଗା ଯାତ୍ରାରେ ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାଏକଙ୍କ ଯୋଗଦାନ

- ୩୫ କୋଟି ଟଙ୍କା ବ୍ୟୟ ଅଟକଳର ଚାରିଗୋଟି ପାନୀୟଜଳ ପ୍ରକଳ୍ପ ଉଦ୍‌ଘାଟିତ
- ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ୧୧୦ କୋଟି ଟଙ୍କା ବ୍ୟୟ ଅଟକଳରେ ୧୯ଟି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପିତ

ଭୁବନେଶ୍ୱର,୨୧/୦୫/୨୦୨୫:

ପଞ୍ଚାୟତିରାଜ ଓ ପାନୀୟ ଜଳ, ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାଏକ ଆଜି କଟକ ଜିଲ୍ଲା ସାଲେପୁର ଓ ମାହାଙ୍ଗାରେ ତ୍ରିରଙ୍ଗା ଯାତ୍ରାରେ ଯୋଗଦାନ କରିବା ସହ ଚାରି ଗୋଟି ପାନୀୟଜଳ ପ୍ରକଳ୍ପର ଉଦ୍‌ଘାଟନ ଏବଂ ଊଣେଇଶି ଗୋଟି ଗ୍ରାମ୍ୟ ଉନ୍ନୟନ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି । ଏହି ଅବସରରେ ମନ୍ତ୍ରୀ ଶ୍ରୀ ନାଏକ କହିଛନ୍ତି ଯେ ଏହି ପ୍ରକଳ୍ପଗୁଡ଼ିକ ଉକ୍ତ ଅଞ୍ଚଳର ଲୋକଙ୍କ ସମସ୍ୟାର ସମାଧାନ କରିବା ସହ ସମଗ୍ର ରାଜ୍ୟର ବିକାଶ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବ ।

ମାନ୍ୟବର ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାଏକଙ୍କ ଦ୍ୱାରା ଆଜି କଟକ ଜିଲ୍ଲାରେ ପଞ୍ଚାୟତିରାଜ ଓ ପାନୀୟ ଜଳ ଏବଂ ଗ୍ରାମ୍ୟ ଉନ୍ନୟନ ବିଭାଗର ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ସହ ଅନେକ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଅବସରରେ ମାନ୍ୟବର ମନ୍ତ୍ରୀ ସାଲେପୁର ବିଧାନସଭା କ୍ଷେତ୍ରରେ ପ୍ରାୟ ପଇଁ ତିରିଶି କୋଟି ଟଙ୍କା ବ୍ୟୟ ଅଟକଳର ଚାରିଗୋଟି ପାନୀୟଜଳ ପ୍ରକଳ୍ପର ଶୁଭ ଉଦ୍‌ଘାଟନ କରିଛନ୍ତି । ଏହା ସହ ମାନ୍ୟବର ମନ୍ତ୍ରୀ ଗ୍ରାମ୍ୟ ଉନ୍ନୟନ ବିଭାଗର ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ଏକଶହ ଦଶ କୋଟି ଟଙ୍କା ବ୍ୟୟ ଅଟକଳରେ ଊଣେଇଶି ଗୋଟି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି । ଏହା ମଧ୍ୟରେ ବିଭିନ୍ନ ବିଧାନସଭା କ୍ଷେତ୍ର ଅଧୀନରେ ଯଥା: ମାହାଙ୍ଗା– ଦୁଇ ଗୋଟି, କଟକ ସଦର– ତିନିଗୋଟି, ନିଆଳି– ଦୁଇ ଗୋଟି, ସାଲେପୁର– ପାଞ୍ଚଗୋଟି, ଆଠଗଡ– ଦୁଇ ଗୋଟି, ବଡ଼ମ୍ବା– ତିନି ଗୋଟି, ବାଙ୍କି– ଦୁଇ ଗୋଟି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଥିଲା । ଏହି ଅବସରରେ ପ୍ରକଳ୍ପଗୁଡ଼ିକ ଉକ୍ତ ଅଞ୍ଚଳର ଲୋକଙ୍କ ସମସ୍ୟାର ସମାଧାନ କରିବା ସହ ସମଗ୍ର ରାଜ୍ୟର ବିକାଶ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବ ବୋଲି ମାନ୍ୟବର ମନ୍ତ୍ରୀ ଶ୍ରୀ ନାଏକ ମତପ୍ରକାଶ କରିଛନ୍ତି ।

ଏହି ଅବସରରେ ମାନ୍ୟବର ମନ୍ତ୍ରୀ ଶ୍ରୀ ନାଏକ ସାଲେପୁର ଓ ମାହାଙ୍ଗାଠାରେ ତ୍ରିରଙ୍ଗା ଯାତ୍ରାରେ ଯୋଗଦେଇ ଦେଶର ତିନି ସେନାବାହିନୀର ଅପୂର୍ବ ବଳ, ପରାକ୍ରମ, ଯଶ ଓ କୀର୍ତ୍ତି ପ୍ରତି ସମ୍ମାନ ପ୍ରଦର୍ଶନ କରିବା ସହ ଅପରେସନ ସିନ୍ଦୁରରେ ସେମାନେ ଯେଉଁଭଳି ସମଗ୍ର ଦେଶକୁ ଗୌରବାନ୍ୱିତ କରିଛନ୍ତି ସେଥି ପାଇଁ ହାର୍ଦ୍ଦିକ କୃତଜ୍ଞତା ଜ୍ଞାପନ କରିଥିଲେ । ଏହା ସହ ଦେଶପ୍ରେମର ବହ୍ନିରେ ଉଦବୁଦ୍ଧ ହୋଇ ରାଷ୍ଟ୍ର ପ୍ରତି ସମର୍ପିତ କାର୍ଯ୍ୟ କରିବା ପାଇଁ ସେ ସଭିଙ୍କୁ ଉତ୍ସାହିତ କରିଥିଲେ ।

ଏହି ଅବସରରେ ମାନ୍ୟବର ମାହାଙ୍ଗା ବିଧାୟକ ଶ୍ରୀ ସାରଦା ପ୍ରସାଦ ପ୍ରଧାନ, କଟକ ଗ୍ରାମ୍ୟ ଉନ୍ନୟନ ମଣ୍ଡଳର ମୁଖ୍ୟ ନିର୍ମାଣ ଯନ୍ତ୍ରୀ, ଆର୍‌ଡବ୍ଲ୍ୟୁଏସ୍‌ଏସ୍‌ର ମୁଖ୍ୟଯନ୍ତ୍ରୀ, କଟକ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ସିଡ଼ିଓ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ ।

ବିନାୟକ ମିଶ୍ର
ଲୋକସମ୍ପର୍କ ଅଧିକାରୀ
ପଞ୍ଚାୟତିରାଜ ଓ ପାନୀୟଜଳ ବିଭାଗ